# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

### 23 January - 2025

## ପରାକ୍ରମ ଦିବସ

ଭାରତ ଇତିହାସର ମହାନ୍ ସ୍ୱାଧୀନତା ସଂଗ୍ରାମୀ ତଥା ବିଶିଷ୍ଟ ଜନନେତା ନେତାଜୀ ସୁବାସ ଚନ୍ଦ୍ର ବୋଷଙ୍କ ୧୨୮ ତମ ଜୟନ୍ତୀ ଅବସରରେ ଆଜି ଦେଶବ୍ୟାପୀ ପରାକ୍ରମ ଦିବସ ପାଳନ କରାଯାଉଛି । ଏହି ଅବସରରେ ସଂସ୍କୃତି ମନ୍ତ୍ରଣାଳୟ ଓ ରାଜ୍ୟ ସରକାରଙ୍କ ମିଳିତ ସହାୟତାରେ ଆଜିଠାରୁ ୨୫ ତାରିଖ ପର୍ଯ୍ୟନ୍ତ କଟକ ବାରବାଟୀ ଦୁର୍ଗରେ ସ୍ୱତନ୍ତ୍ର କାର୍ଯ୍ୟକ୍ରମ ଅନୁଷ୍ଠିତ ହେଉଛି। ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରିବେ। ଏଥିରେ ନେତାଜୀ ସୁବାଷ ଚନ୍ଦ୍ର ବୋଷଙ୍କ ସମ୍ପର୍କିତ ପୁସ୍ତକ, ଛବି ପ୍ରଦର୍ଶନୀ, ମୂର୍ତ୍ତିଶିଳ୍ପ କର୍ମଶାଳା ଏବଂ ନେତାଜୀଙ୍କ ଜୀବନ ଓ ରାଜ୍ୟର ସାଂସ୍କୃତିକ ଐତିହ୍ୟକୁ କେନ୍ଦ୍ର କରି ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମ ଆୟୋଜିତ ହେବ। ନେତାଜୀଙ୍କ ଜୟନ୍ତୀ ଅବସରରେ ଓଡ଼ିଆ ବଜାରରେ ଥିବା ନେତାଜୀ ବ୍ୟାଖ୍ୟାନ କେନ୍ଦ୍ରରେ ଆଜିଠାରୁ ଲେଜର ଶୋ' ଆରମ୍ଭ ହେବ ।

## ବୀର ସୁରେନ୍ଦ୍ର ସାଏଙ୍କ ଜୟନ୍ତୀ

ମହାନ୍ ସ୍ୱାଧୀନତା ସଂଗ୍ରାମୀ ବୀର ସୁରେନ୍ଦ୍ର ସାଏଙ୍କ ୨୧୬ତମ ଜୟନ୍ତୀ ଆଜି ସମ୍ବଲପୁର ଜିଲ୍ଲା ଖିଣ୍ଡାଠାରେ ପାଳନ କରାଯାଉଛି। ଏହି

କାର୍ଯ୍ୟକ୍ରମରେ କେନ୍ଦ୍ର ଶିକ୍ଷା ମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ମୁଖ୍ୟ ଅତିଥିଭାବେ ଯୋଗଦେବେ। ସେହିପରି ସମ୍ବଲପୁର ସହରର ଜେଲ୍ ଛକରେ ଥିବା ସୁରେନ୍ଦ୍ର ସାଏଙ୍କ ପ୍ରତିମୂର୍ତ୍ତିରେ ପ୍ରଶାସନ ଓ ବିଭିନ୍ନ ସଂଗଠନ ପକ୍ଷରୁ ମାଲ୍ୟାର୍ପଣ ସମେତ ବିଭିନ୍ନ କାର୍ଯ୍ୟକ୍ରମର ଆୟୋଜିତ ହୋଇଛି ।

## ଉତ୍କର୍ଷ ଓଡ଼ିଶା

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆସନ୍ତା ୨୮ ତାରିଖରେ ଜନତା ମଇଦାନରେ ଅନୁଷ୍ଠିତ ହେବାକୁ ଥିବା ଉତ୍କର୍ଷ ଓଡ଼ିଶା ମେକ୍ ଇନ୍ ଓଡ଼ିଶା କନ୍‌କ୍ଲେଭ ୨୦୨୫ ରେ ଯୋଗଦେବାକୁ ଭୁବନେଶ୍ୱର ଗସ୍ତରେ ଆସିବେ । ପ୍ରଧାନମନ୍ତ୍ରୀଙ୍କ ଗସ୍ତ ସୁପରିଚାଳନା ପାଇଁ ମୁଖ୍ୟ ଶାସନ ସଚିବ ମନୋଜ କୁମାର ଆହୁଜାଙ୍କ ଅଧ୍ୟକ୍ଷତାରେ ଗତକାଲି ଭୁବନେଶ୍ୱର ଲୋକସେବା ଭବନରେ ପ୍ରସ୍ତୁତି ବୈଠକ ହୋଇଯାଇଛି । ବୈଠକରେ ସୁରକ୍ଷା ବ୍ୟବସ୍ଥା ଏବଂ ଅନ୍ୟାନ୍ୟ ପ୍ରସ୍ତୁତି ସମ୍ପର୍କରେ ଆଲୋଚନା ହୋଇଥିଲା ।

## ଅର୍ଥ କମିଶନ ଗଠନ

ରାଜ୍ୟ ସରକାର ଷଷ୍ଠ ଅର୍ଥ କମିଶନ ଗଠନ କରିଛନ୍ତି । ଆୟୋଗର ଅଧ୍ୟକ୍ଷ ଭାବେ ଅବସରପ୍ରାପ୍ତ ଆଇ.ଏ.ଏସ୍ ଅରୁଣ କୁମାର ପଣ୍ଡାଙ୍କୁ ନିଯୁକ୍ତି ମିଳିଛି । ଏଥିରେ ପ୍ରଫେସର ଅସୀତ ରଞ୍ଜନ ମହାନ୍ତି, ପ୍ରଫେସର ଅମରେଶ ସାମନ୍ତରାୟ, ବିଭୁପ୍ରସାଦ ନାୟକ କମିଶନ ର ସଦସ୍ୟ ରହିଥିବାବେଳେ ସଦସ୍ୟ ସଚିବ ଭାବେ ଅର୍ଥ ବିଭାଗର ଅତିରିକ୍ତ ସଚିବ ସତ୍ୟପ୍ରିୟ ରଥ କାର୍ଯ୍ୟ କରିବେ । ଆସନ୍ତା ୬ ମାସ ପର୍ଯ୍ୟନ୍ତ ଏହି କମିଶନ ର କାର୍ଯ୍ୟକାଳ ରହିବ ।

## କ୍ୟାବିନେଟ୍

ଜାତୀୟ ସ୍ୱାସ୍ଥ୍ୟ ମିଶନ ଅବଧିକୁ ଆଉ ୫ ବର୍ଷ ବୃଦ୍ଧି କରାଯାଇଛି । ଗତକାଲି କେନ୍ଦ୍ର କ୍ୟାବିନେଟ୍‌ରେ ଏ ସମ୍ପର୍କିତ ପ୍ରସ୍ତାବକୁ ଅନୁମୋଦନ ମିଳିବା ପରେ କେନ୍ଦ୍ରମନ୍ତ୍ରୀ ପୀୟୁଷ ଗୋଏଲ କହିଛନ୍ତି ୨୦୨୧ରୁ ୨୦୨୨ ମସିହା ମଧ୍ୟରେ ଜାତୀୟ ସ୍ୱାସ୍ଥ୍ୟ ମିଶନରେ ୧୨ଲକ୍ଷ ସ୍ୱାସ୍ଥ୍ୟକର୍ମୀ ଯୋଗ ଦେଇଛନ୍ତି । ସ୍ୱାସ୍ଥ୍ୟ ମିଶନ ଅଧୀନରେ ଭାରତ କୋଭିଡ-୧୯ ମହାମାରୀର ମୁକାବିଲା କରିଥିଲା ବୋଲି ମନ୍ତ୍ରୀ କହିଛନ୍ତି ।

## ଜିଲ୍ଲାମାନଙ୍କୁ ନିର୍ଦ୍ଦେଶ

ରାଜ୍ୟ ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗ ପକ୍ଷରୁ ଯକ୍ଷ୍ମାମୁକ୍ତ ଓଡ଼ିଶା ଗଠନ ଅଭିଯାନ ତୀବ୍ର କରିବା ପାଇଁ ଜିଲ୍ଲା ମାନଙ୍କୁ ନିର୍ଦ୍ଦେଶ ଦିଆଯାଇଛି । ଏଥିରେ ନିୟମିତ ପରୀକ୍ଷଣ, ପୋଷଣ ସହାୟତା, ରୋଗର ଉନ୍ନତ ଯାଞ୍ଚ ଓ ସଚେତନତା ସୃଷ୍ଟି ଉପରେ ଗୁରୁତ୍ୱ ଦିଆଯାଇଛି । ଗତ ଡିସେମ୍ବର ୭ ତାରିଖରୁ ୨୦ଟି ଯକ୍ଷ୍ମାପ୍ରବଣ ଜିଲ୍ଲା ଗୁଡ଼ିକରେ ୧୦୦ ଦିନିଆ ଯକ୍ଷ୍ମା ନିରାକରଣ ଅଭିଯାନ ଆରମ୍ଭ ହୋଇଥିଲା । ଏହି ସମୟ ମଧ୍ୟରେ ୪ହଜାର ୬୬୮ଜଣ ଯକ୍ଷ୍ମା ରୋଗୀ ଚିହ୍ନଟ କରାଯାଇଥିବା ଜଣାପଡିଛି ।

## ଝାଡ଼ାବାନ୍ତି ସ୍ଥିତି ଅନୁଧ୍ୟାନ

ପୁରୀ ଜିଲ୍ଲା କଣାସ ଅଞ୍ଚଳରେ ଝାଡ଼ାବାନ୍ତି ସ୍ଥିତି ନେଇ ସ୍ୱାସ୍ଥ୍ୟ ନିର୍ଦ୍ଦେଶକ ନୀଳକଣ୍ଠ ମିଶ୍ର ଅନୁଧ୍ୟାନ କରିଛନ୍ତି । ଶ୍ରୀ ମିଶ୍ର ଏନେଇ କଣାସ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ଅଧିକାରୀ ଓ କର୍ମଚାରୀଙ୍କ ସହ ସମୀଖା କରିଛନ୍ତି ।

# କର୍ମଶାଳା

ଭୁବନେଶ୍ୱରରେ ଅନୁଷ୍ଠିତ ନୂତନ ଜାତୀୟ ଶିକ୍ଷାନୀତି କାର୍ଯ୍ୟକାରୀତା କର୍ମଶାଳାର ଦ୍ୱିତୀୟ ଦିନରେ ଶିଶୁବାଟିକାର ଉନ୍ନତି, ଦ୍ୱିତୀୟ ଶ୍ରେଣୀ ପର୍ଯ୍ୟନ୍ତ ପାଠ୍ୟପୁସ୍ତିକାର ବିକାଶ, ସମୟସୀମା ଏବଂ କାର୍ଯ୍ୟ ଯୋଜନା ଉପରେ ଆଲୋଚନା ହୋଇଥିଲା । ସେହିପରି ଶିକ୍ଷାଦାନ ଏବଂ ପ୍ରଶାସନିକ ପ୍ରକ୍ରିୟରେ ପ୍ରଯୁକ୍ତି ବିଦ୍ୟା ଓ କୃତ୍ରିମ ବୁଦ୍ଧିମତାର ବ୍ୟବହାର ଉପରେ ବିଶେଷଜ୍ଞମାନେ ଆଲୋଚନା କରିଛନ୍ତି ।

# ଭିତକନିକା ଖୋଲିଲା

କେନ୍ଦ୍ରାପଡାସ୍ଥିତ ଭିତରକନିକା ଜାତୀୟ ଉଦ୍ୟାନ ଆଜିଠାରୁ ପର୍ଯ୍ୟଟକଙ୍କ ପାଇଁ ଖୋଲୁଛି । କୁମ୍ଭୀର ଗଣନା ପାଇଁ ଗତ ୧୪ ତାରିଖରୁ ଜାତୀୟ ଉଦ୍ୟାନକୁ ପର୍ଯ୍ୟଟକଙ୍କ ଲାଗି ବନ୍ଦ ରଖାଯାଇଥିଲା । ସୂଚନା ଅନୁସାରେ ଭିତରକନିକାରେ ୧ହଜାର ୮୨୬ କୁମ୍ଭୀର ଥିବା ଗଣନାରୁ ପ୍ରକାଶ ପାଇଛି । ଗତବର୍ଷ ଅପେକ୍ଷା ଚଳିତବର୍ଷ ୧୫ଟି କୁମ୍ଭୀର ଅଧିକ ଥିବା ଜଣାପଡିଛି ।

# ଶିମିଳିପାଳ-ଅନ୍‌ଲାଇନ୍ ବୁକିଂ

ମୟୂରଭଞ୍ଜ ଜିଲ୍ଲା ଶିମିଳିପାଳ ଅଭୟାରଣ୍ୟକୁ ପ୍ରବେଶ ପାଇଁ ଆସନ୍ତା ମାସ ପହିଲାରୁ ପର୍ଯ୍ୟଟକମାନେ ଅନ୍‌ଲାଇନ୍‌ରେ ବୁକିଂ କରିପାରିବେ । ଏନେଇ ବ୍ୟାଘ୍ର ସଂରକ୍ଷଣ ପ୍ରକଳ୍ପର କ୍ଷେତ୍ର ନିର୍ଦ୍ଦେଶକଙ୍କ କାର୍ଯ୍ୟାଳୟ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି । ପର୍ଯ୍ୟଟକମାନେ **www.similipal.org**

କିମ୍ବା **www.ecotourodisha.com** ପୋର୍ଟାଲ ମାଧ୍ୟମରେ ଆବେଦନ କରିପାରିବେ ।